# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 751 CUTTACK, THURSDAY, APRIL 28, 2016/BAISAKHA 8, 1938**

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଅଧିସୂଚନା

ତାରିଖ 2 ଅପ୍ରେଲ 2016

ସଂଖ୍ୟା 10366—RDM-LAC-KNJ-0019/2016-R&DM.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ କେନ୍ଦୁଝର ଜିଲ୍ଲାର କାନପୁର ଜଳସେଚନ ପ୍ରକଳ୍ପର କେନାଲ ନିମନ୍ତେ ମୌଜା କଇଁତା, ଥାନା ଚମ୍ପୁଆ, ତହସିଲ ଚମ୍ପୁଆ, ଜିଲ୍ଲା କେନ୍ଦୁଝରରେ ନିମ୍ନ ତଫସିଲମତେ ପ୍ରାୟ 0.36 ଏକର ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, 2013ର ଧାରା 11(1)ର ବ୍ୟବସ୍ଥା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥି ସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

1. ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ—ଜଳସେଚନ ପ୍ରକଳ୍ପ ।

2. ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ– ନିର୍ବାହୀ ଯନ୍ତ୍ରୀ, କାନପୁର କେନାଲ ଡିଭିଜନ ନଂ. ୨, ରିମୁଳି, କେନ୍ଦୁଝର ।

3. କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ–ସାର୍ବଜନୀନ ଉଦ୍ଦେଶ୍ୟରେ ଜଳସେଚନ ପ୍ରକଳ୍ପ କାର୍ଯ୍ୟକାରୀ କରିବା ।

4. ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ– ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ ନୁହେଁ ।

5. ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ– ଉପ ଜିଲ୍ଲାପାଳ, ଚମ୍ପୁଆ ।

6. ଜମିର ବିବରଣୀ –

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | ପ୍ଲଟ୍‌ର ମୋଟ ରକବା | ଅଧିସୂଚିତ ଜମିର ରକବା | ରୟତ୍‌ର ନାମ |
|---|---|---|---|---|---|---|---|---|
| 1 | 2 | 3 | 4 | 5 | 6 | 7 | 8 | 9 |
| କେନ୍ଦୁଝର | ଚମ୍ପୁଆ | କଇଁତା | ଗ୍ରାମାଞ୍ଚଳ | ଏଥି ସହିତ ସଂଲଗ୍ନ | ଏଥି ସହିତ ସଂଲଗ୍ନ | ଏଥି ସହିତ ସଂଲଗ୍ନ | ୦.୩୬ | ଏଥି ସହିତ ସଂଲଗ୍ନ |

ଉକ୍ତ ଭୂମିର ଏକ ନକ୍ସା, ଭୂ-ଅର୍ଜନ ମଣ୍ଡଳ ଅଧିକାରୀ, କାନପୁର ଜଳସେଚନ ପ୍ରକଳ୍ପ, ରିମୁଳି, କେନ୍ଦୁଝରଙ୍କ କାର୍ଯ୍ୟାଳୟରେ କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟବିକ୍ରୟ, ହସ୍ତାନ୍ତର (ଦେଣନେଣ) କିମ୍ବା ଦାୟ ସୃଷ୍ଟି କେନ୍ଦୁଝର ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବନାହିଁ ।

ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ/ଜମିମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର 60 ଦିନ ମଧ୍ୟରେ କେନ୍ଦୁଝର ଜିଲ୍ଲାପାଳଙ୍କ ନିକଟରେ ଲିଖିତଆକାରରେ ଅଭିଯୋଗ କରିପାରିବେ ।

LAND SCHEDULE

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ ନଂ. | ପ୍ଲଟର ମୋଟ ରକବା (ଏକରରେ) | ଅଧିସୂଚିତ ଜମିର ରକବା (ଏକରରେ) | ରୟତର ନାମ | ମନ୍ତବ୍ୟ |
|---|---|---|---|---|---|---|---|---|---|
| (୧) | (୨) | (୩) | (୪) | (୫) | (୬) | (୭) | (୮) | (୯) | (୧୦) |
| କେନ୍ଦୁଝର | ଚମ୍ପୁଆ | କଇଁତା | ଗ୍ରାମାଞ୍ଚଳ | ୩୮ | ୬୯୭ | ୦.୬୫ | ୦.୩୬ | ଗୋଲକ ଚନ୍ଦ୍ର ମହାନ୍ତ, ପି. ସନାତନ ମହାନ୍ତ, ଲାଲମଣୀ ମହାନ୍ତ, ସ୍ୱା. ସନାତନ ମହାନ୍ତ, ଜା. କୁଡୁମି, ବା. ନିଜଗାଁ । | |
| | | | | | | ସର୍ବମୋଟ | ୦.୩୬ | | |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ସଂଗ୍ରାମ କେଶରୀ ମହାପାତ୍ର**

ଯୁଗ୍ମ ଶାସନ ସଚିବ

Printed and Published by the Director of Printing, Stationery and Publication, Odisha, Cuttack-10
Ex. Gaz 171–173+20